# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**26 October – 2025**

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର 'ମନ୍ କୀ ବାତ୍' କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ହେବ 'ମନ୍ କୀ ବାତ୍' କାର୍ଯ୍ୟକ୍ରମର ୧୨୭ତମ ସଂସ୍କରଣ। ଏହି କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍‌ର ପ୍ରସାରଣ କରାଯିବ। ରାତି ୮ଟାରେ ଆଞ୍ଚଳିକ ଭାଷାନ୍ତରଣ ପୁନଃ ପ୍ରସାରଣ କରାଯିବ।

## କ୍ୟାବିନେଟ

ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ମୁଖ୍ୟମନ୍ତ୍ରୀ ମୋହନଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଗତ ସନ୍ଧ୍ୟାରେ ରାଜ୍ୟ କ୍ୟାବିନେଟର ୨୯ତମ ବୈଠକ ଅନୁଷ୍ଠିତ ହୋଇଯାଇଛି । ଚାରୋଟି ବିଭାଗର ୫ଟି ପ୍ରସ୍ତାବକୁ ଅନୁମୋଦନ କରାଯାଇଛି । ୧ଲକ୍ଷ ୪୬ହଜାର କୋଟି ଟଙ୍କା ମୂଲ୍ୟର ୩୩ଟି ଗୁରୁତ୍ୱପୂର୍ଣ୍ଣ ଶିଳ୍ପପ୍ରକଳ୍ପକୁ ମଞ୍ଜୁରୀ ପ୍ରଦାନ କରାଯାଇଛି । ବୈଠକ ପରେ ଗଣମାଧ୍ୟମକୁ ସୂଚନା ଦେଇ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା କହିଛନ୍ତି-

**-V/O-**

# ବାତ୍ୟା

ଦକ୍ଷିଣ-ପୂର୍ବ ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପ କ୍ଷେତ୍ର ଆଜି ଗଭୀର ଅବପାତରେ ପରିଣତ ହେବ । ଦକ୍ଷିଣ-ପଶ୍ଚିମ ଓ ସଂଲଗ୍ନ ପଶ୍ଚିମ କେନ୍ଦ୍ରୀୟ ବଙ୍ଗୋପସାଗରରେ ଏହା ଆସନ୍ତାକାଲି ବାତ୍ୟାରେ ପରିଣତ ହେବ ବୋଲି ପାଣିପାଗ ବିଭାଗ ପକ୍ଷରୁ ଅନୁମାନ କରାଯାଇଛି । ସମ୍ଭାବ୍ୟ ବାତ୍ୟା 'ମୋନ୍ଥା' ଆନ୍ଧ୍ରପ୍ରଦେଶର ମଛଲିପଟ୍ଟନମ୍-କଳିଙ୍ଗପଟନମ୍ ମଧ୍ୟରେ କାକିନାଡାଠାରେ ମଙ୍ଗଳବାର ସନ୍ଧ୍ୟାରୁ ରାତି ମଧ୍ୟରେ ସ୍ଥଳଭାଗ ସ୍ପର୍ଶ କରିପାରେ ବୋଲି ପାଣିପାଗ ବିଭାଗ କହିଛି ।

ବାତ୍ୟା ପ୍ରଭାବରେ ଆସନ୍ତାକାଲିଠାରୁ ୩୦ତାରିଖ ପର୍ଯ୍ୟନ୍ତ ରାଜ୍ୟର ଦକ୍ଷିଣ ଓ ଉପକୂଳବର୍ତ୍ତୀ ଅଞ୍ଚଳଗୁଡିକରେ ବଜ୍ରପାତ ସହ ପବଳ ବର୍ଷା ହୋଇପାରେ ବୋଲି ଭୁବନେଶ୍ୱର ସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି ।

# ବାତ୍ୟା ମୁକାବିଲା-କ୍ୟାବିନେଟ ସଚିବ

ସମ୍ଭାବ୍ୟ ବାତ୍ୟା ମୋନ୍ଥା ସ୍ଥିତି ନେଇ କ୍ୟାବିନେଟ ସଚିବ ଡକ୍ଟର ଟି.ଭି. ସୋମନାଥନ୍ ସମୀକ୍ଷା କରିଛନ୍ତି । ଶ୍ରୀ ସୋମନାଥନ୍‌ଙ୍କ ଅଧ୍ୟକ୍ଷତାରେ ଗତକାଲି ନୂଆଦିଲ୍ଲୀଠାରେ ଅନୁଷ୍ଠିତ ଜାତୀୟ ବିପର୍ଯ୍ୟୟ ପରିଚାଳନା କମିଟି ଜରୁରୀ ବୈଠକରେ ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ବାତ୍ୟା ସ୍ଥିତି ନେଇ ସୂଚନା ପ୍ରଦାନ କରାଯାଇଛି । ଓଡିଶା ସମେତ ପ୍ରଭାବିତ

ହେବାକୁ ଥିବା ରାଜ୍ୟର ବରିଷ୍ଠ ପ୍ରଶାସନିକ ଅଧିକାରୀ ଯୋଗଦେଇ ବାତ୍ୟା ପ୍ରସ୍ତୁତି ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଛନ୍ତି।

## ବାତ୍ୟା-ଛୁଟି ବାତିଲ

ବାତ୍ୟାକୁ ଦୃଷ୍ଟିରେ ରଖି ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ଜରୁରୀକାଳୀନ କାର୍ଯ୍ୟରେ ନିୟୋଜିତ ଥିବା ସମସ୍ତ ବିଭାଗୀୟ କର୍ମଚାରୀଙ୍କ ଛୁଟି ବାତିଲ କରାଯାଇଛି । ବିଭାଗୀୟ ମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର କାର୍ଯ୍ୟକ୍ଷେତ୍ରରେ ଉପସ୍ଥିତ ରହିବା ସହ ସତର୍କ ରହିବାକୁ କର୍ମଚାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ବାତ୍ୟା ମୁକାବିଲା ପ୍ରସ୍ତୁତି ଏବଂ ସମୟୋଚିତ ପଦକ୍ଷେପ ନେଇ ବିଭାଗ ପକ୍ଷରୁ ସବୁ ସହରାଞ୍ଚଳ ସ୍ଥାନୀୟ ସଂସ୍ଥା ପାଇଁ ନିର୍ଦ୍ଦେଶନାମା ଜାରି କରାଯାଇଛି ।

## ବାତ୍ୟା-ସମୀକ୍ଷା ବୈଠକ

ରାୟଗଡା ଜିଲ୍ଲାରେ ବାତ୍ୟା ମୁକାବିଲା ପ୍ରସ୍ତୁତି ନେଇ ଏକ ସମୀକ୍ଷା ବୈଠକ ଗତ ସନ୍ଧ୍ୟାରେ ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ସମ୍ଭାବ୍ୟ ପରିସ୍ଥିତିର ମୁକାବିଲା ପାଇଁ ତ୍ୱରିତ ପଦକ୍ଷେପ ଗ୍ରହଣ କରିବାକୁ ଜିଲ୍ଲାସ୍ତରୀୟ ବିଭାଗଗୁଡିକୁ ନିର୍ଦ୍ଦେଶ ଦିଆଯାଇଛି । ସମସ୍ତ ପ୍ରଶାସନିକ ଅଧିକାରୀଙ୍କ ଛୁଟିକୁ ବାତିଲ କରାଯାଇଛି ।

## ନୂଆପଡା ନିର୍ବାଚନ

ନୂଆପଡା ବିଧାନସଭା ଉପନିର୍ବାଚନ ପାଇଁ ପୋଲିସ ପ୍ରସ୍ତୁତି ସଂକ୍ରାନ୍ତ ସମୀକ୍ଷା ବୈଠକ ଗତକାଲି ଅନୁଷ୍ଠିତ ହୋଇଯାଇଛି । ରାଜ୍ୟ ପୋଲିସ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆ ଗତକାଲି ନୂଆପଡା ଜିଲ୍ଲା

ଗସ୍ତ କରି ସୁରକ୍ଷା ପ୍ରସ୍ତୁତି ନେଇ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି । ନିର୍ବାଚନ ଆଦର୍ଶ ଆଚରଣବିଧିର କଡାକଡିଭାବେ ପାଳନ କରିବାକୁ ସେ ନିର୍ଦ୍ଦେଶ ଦେଇଛନ୍ତି ।

## ସ୍କ୍ରବ ଟାଇଫସ୍

ରାଜ୍ୟରେ ସ୍କ୍ରବ ଟାଇଫସ୍ ଆକ୍ରାନ୍ତଙ୍କ ସ୍ଥିତି ନେଇ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପ୍ରଭାବିତ ଅଞ୍ଚଳରୁ ରିପୋର୍ଟ ମଗାଯାଇଛି । ବିଶେଷକରି ସୁନ୍ଦରଗଡ, ମଝାପଡା,ଲାଠିକଟା ଏବଂ ଟାଙ୍କରାପାଲି ଅଞ୍ଚଳରେ ଅଧିକ ସଂଖ୍ୟାରେ ଆକ୍ରାନ୍ତ ଚିହ୍ନଟ ହୋଇଥିବା ଜଣାପଡିଛି । ଜିଲ୍ଲା ପ୍ରଶାସନ ଏବଂ ସ୍ୱାସ୍ଥ୍ୟ ବିଭାଗର ଦଳ ଘଟଣାସ୍ଥଳ ଅନୁଧ୍ୟାନ କରି ସ୍ଥିତି ସମୀକ୍ଷା କରିଛନ୍ତି । ରୋଗର କାରଣ ଏବଂ ନିରାକରଣ ନେଇ ଜନସଚେତନତା ଅଭିଯାନ ଜାରି ରହିଛି ।

## ଭଦ୍ରକ-କାଳିପୂଜା

ଭଦ୍ରକ ଜିଲ୍ଲାର ଅଧିଷ୍ଠାତ୍ରୀ ଦେବୀ ମା' ଭଦ୍ରକାଳୀଙ୍କ ପୀଠରେ ସାତଦିନ ଧରି ଚାଲିଥିବା କାଳିପୂଜା ଆଜି ଉଦ୍‌ଯାପିତ ହେଉଛି । ଅନ୍ତିମ ଦିବସରେ ମା' ଭଦ୍ରକାଳୀ ମହାଲକ୍ଷ୍ମୀ ବେଶରେ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେଉଛନ୍ତି । ଚରମ୍ପାଠାରେ ଚାଲିଥିବା କାଳିପୂଜା ଉତ୍ସବ ଆସନ୍ତା ମଙ୍ଗଳବାର ରାତିରେ ଶେଷ ହେବ ।

# ଅକ୍ଷମତା ପଦଯାତ୍ରା

ଓଡିଶା ବିଦ୍ୟାଳୟ ଶିକ୍ଷା ପ୍ରାଧିକରଣ-ଓସେପା ଆନୁକୂଲ୍ୟରେ ଖୋର୍ଦ୍ଧାଠାରେ ଗତକାଲି ଏକ ସ୍ୱତନ୍ତ୍ର ଶିକ୍ଷଣ ଅକ୍ଷମତା ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି । ଶିକ୍ଷା ଏବଂ ସୂଚନା ଓ ଲୋକସମ୍ପର୍କ  ବିଭାଗର ଜିଲ୍ଲାସ୍ତରୀୟ ଅଧିକାରୀ ଏଥିରେ ଯୋଗଦେଇ ଅକ୍ଷମତା ସତ୍ତ୍ୱେ ନିଜ ମଧ୍ୟରେ ରହିଥିବା ସାମର୍ଥ୍ୟକୁ ବିକଶିତ କରିବା ନେଇ ଜନସଚେତନତା ବାର୍ତ୍ତା ପ୍ରଦାନ କରିଛନ୍ତି ।